ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/ Cooperation (OD))/1483/21-03-2021**

## ଓଡ଼ିଶା ରାଜ୍ୟ ପଣ୍ୟାଗାର ନିଗମର ୬୩ତମ ପ୍ରତିଷ୍ଠା ଦିବସ ପାଳିତ
## ପଣ୍ୟାଗାରର ଦକ୍ଷ ପରିଚାଳନା ଉପରେ ସମବାୟ ମନ୍ତ୍ରୀ ଶ୍ରୀ ସ୍ୱାଇଁଙ୍କ ଗୁରୁତ୍ୱାରୋପ

ଭୁବନେଶ୍ୱର, ତା.୨୧/୦୩/୨୦୨୧

ବିଗତ ଦୁଇଦଶନ୍ଧିରେ ରାଜ୍ୟ ସରକାରଙ୍କ ଦ୍ୱାରା ଜଳସେଚନର ସୁବିଧା ଓ ସମୟୋଚିତ ଯୋଜନା ଫଳରେ ରାଜ୍ୟ କୃଷି କ୍ଷେତ୍ରରେ ପ୍ରଭୂତ ଉନ୍ନତି ହାସଲ କରିଛି ଏବଂ ଖାଦ୍ୟଶସ୍ୟ ଓ ଅନ୍ୟ କୃଷିଜାତ ଦ୍ରବ୍ୟର ଉତ୍ପାଦନ କ୍ରମାଗତ ଭାବେ ବୃଦ୍ଧି ପାଉଛି । ଓଡ଼ିଶା ଚାଉଳ ଉତ୍ପାଦନରେ ଏକ ବଳକା ରାଜ୍ୟରେ ପରିଣତ ହୋଇଛି । ଏହି ପରିପ୍ରେକ୍ଷୀରେ ଖାଦ୍ୟଶସ୍ୟକୁ ବୈଜ୍ଞାନିକ ପଦ୍ଧତିରେ ସଂରକ୍ଷଣ ଓ ସୁଷମ ବଣ୍ଟନକୁ ପ୍ରାଥମିକତା ଦେବାର ଆବଶ୍ୟକତା ରହିଛି । କୃଷି କ୍ଷେତ୍ରର ଉତ୍ପାଦନ ଓ ବିପଣନ ବ୍ୟବସ୍ଥା ମଧ୍ୟରେ ପଣ୍ୟାଗାର ସମନ୍ୱୟ ରକ୍ଷା କରୁଥିବାରୁ ଏହାର ସୁପରିଚାଳନା ଆଜିର ଆହ୍ୱାନ ବୋଲି ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ମନ୍ତ୍ରୀ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଛନ୍ତି ।

ଆଜି ଓଡ଼ିଶା ରାଜ୍ୟ ପଣ୍ୟାଗାର ନିଗମର ୬୩ତମ ପ୍ରତିଷ୍ଠା ଦିବସ ଅବସରରେ ଆୟୋଜିତ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିଲେ କୃଷିଜାତ ଦ୍ରବ୍ୟକୁ ଏପରି ଭାବରେ ସଂରକ୍ଷଣ କରି ରଖିବାକୁ ପଡ଼ିବ, ଯେପରି ଏହାର ଗୁଣାତ୍ମକ ମାନ ବଜାୟ ରହିବ । ଏଥି ନିମନ୍ତେ ଉନ୍ନତ ଜ୍ଞାନକୌଶଳ ଓ ବୈଜ୍ଞାନିକ ପଦ୍ଧତି ଆପଣେଇବାକୁ ପଡ଼ିବ । ଏଥି ସହିତ ଗୋଦାମଗୃହର ପୂର୍ଣ୍ଣ ବିନିଯୋଗ ନିମନ୍ତେ ସପ୍ଲାଇ ଚେନ୍ ମ୍ୟାନେଜ୍‌ମେଣ୍ଟ ଉପରେ ଗୁରୁତ୍ୱ ଦେବାକୁ ପଡ଼ିବ । ଗୋଦାମ ଗୃହଗୁଡ଼ିକର ଦକ୍ଷ ପରିଚାଳନା ନିମନ୍ତେ ସୂଚନା ଓ ପ୍ରଯୁକ୍ତି ବିଦ୍ୟାର ବ୍ୟବହାର ଓ କମ୍ପ୍ୟୁଟରାଇଜେସନ୍ ଆବଶ୍ୟକ ବୋଲି ମନ୍ତ୍ରୀ ଶ୍ରୀ ସ୍ୱାଇଁ କହିଥିଲେ ।

ଉତ୍ସବରେ ଅଧ୍ୟକ୍ଷତା କରି ଓଡ଼ିଶା ରାଜ୍ୟ ପଣ୍ୟାଗାର ନିଗମର ପରିଚାଳନା ନିର୍ଦ୍ଦେଶକ ଶ୍ରୀ ପ୍ରଦୀପ କୁମାର ଗରଡ଼ିଆ କହିଲେ ଯେ ନିଗମ ଏହାର ଅଂଶୀଦାର ଉଭୟ ରାଜ୍ୟ ସରକାର ଓ କେନ୍ଦ୍ରୀୟ ପଣ୍ୟାଗାର ନିଗମକୁ ନିୟମିତ ଲାଭାଂଶ ପ୍ରଦାନ କରିଆସୁଛି । ଅଦ୍ୟାବଧି ରାଜ୍ୟର ୩୦ଟି ଜିଲ୍ଲାରେ ୬୯ଟି ପଣ୍ୟାଗାର ଶାଖାରେ ୫ ଲକ୍ଷ ୩୫ ହଜାର ମେଟ୍ରିକ୍ ଟନ୍ ଗୋଦାମ ଘର ପରିଚାଳନା କରୁଛି । ନିଗମର ପଣ୍ୟାଗାରଗୁଡ଼ିକର ପରିଚାଳନା ସବୁକୁ କମ୍ପ୍ୟୁଟରାଇଜେସନ୍ କରିବା ପାଇଁ ପଦକ୍ଷେପ ନିଆଯାଇଛି । ସମ୍ମାନିତ ଅତିଥି ଭାବେ ଯୋଗଦେଇ ଓଡ଼ିଶା ରାଜ୍ୟ ଯୋଗାଣ ନିଗମର ପରିଚାଳନା ନିର୍ଦ୍ଦେଶକ ଶ୍ରୀ ବିଶ୍ୱଜିତ କେଶରୀ ଦାସ ସାଧାରଣ ବଣ୍ଟନ ବ୍ୟବସ୍ଥା ଓ ଅନ୍ୟାନ୍ୟ ଜନହିତକାରୀ କାର୍ଯ୍ୟକ୍ରମରେ ପଣ୍ୟାଗାରଗୁଡ଼ିକର ପ୍ରମୁଖ ଭୂମିକା ରହିଛି ବୋଲି କହିଥିଲେ । ଉତ୍ସବରେ ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ ଏବଂ ସମବାୟ ବିଭାଗର ବହୁ ବରିଷ୍ଠ ଅଧିକାରୀ ଯୋଗଦେଇଥିଲେ ।

ତାପସ ସାହା
ସୂଚନା ଅଧିକାରୀ